ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail: iprsec.or@nic.in

News ID-IPR/STSC (OD)/76/25-04-2022

# ଆଦିବାସୀ ମେଳା ଓ ଜାତୀୟ ଜନଜାତି କଳାବସ୍ତୁ ପ୍ରଦର୍ଶନୀର ତୃତୀୟ ଦିବସ

## ଆଦିବାସୀ ମେଳାରେ ବିସ୍ଥାପିତ କାରିଗରଙ୍କ କଳାକୌଶଳ

ଭୁବନେଶ୍ୱର, ତା.୨୫/୦୪/୨୦୨୨

ଅନୁସୂଚିତ ଜନଜାତି ଓ ଅନୁସୂଚିତ ଜାତି ଉନ୍ନୟନ ବିଭାଗ ଆନୁକୂଲ୍ୟରେ ଅପ୍ରେଲ ୨୩ ତାରିଖଠାରୁ ସ୍ଥାନୀୟ ଇଡ୍‌କୋ ପ୍ରଦର୍ଶନୀ ପଡ଼ିଆଠାରେ ଆଦିବାସୀ ମେଳା ଓ ଜାତୀୟ ଜନଜାତି କଳାବସ୍ତୁ ପ୍ରଦର୍ଶନୀ ଆରମ୍ଭ ହୋଇଛି । ଚଳିତ ବର୍ଷ ଏହି ମେଳାରେ ସମୁଦାୟ ୧୮୭ଟି ଷ୍ଟଲ ନିର୍ମାଣ କରାଯାଇଛି । ଆଦିବାସୀ ହାଟରେ ୧୦୪ଟି ଷ୍ଟଲ ରହିଛି । ଜାତୀୟ ଜନଜାତି ଚିତ୍ରକଳା ଓ କଳାସାମଗ୍ରୀ, ହସ୍ତଶିଳ୍ପ ସାମଗ୍ରୀ ବିକ୍ରୟ ପାଇଁ ସ୍ୱତନ୍ତ୍ର ୮୪ଟି ଷ୍ଟଲ କରାଯାଇଛି । ଏଥିରେ ଓଡ଼ିଶା ସମେତ ୧୮ଟି ରାଜ୍ୟର ଜନଜାତି କାରିଗରମାନେ ତାଙ୍କ କଳାସାମଗ୍ରୀ ପ୍ରଦର୍ଶନ ଓ ବିକ୍ରୟ କରୁଛନ୍ତି । ଅନ୍ୟାନ୍ୟ ଷ୍ଟଲ ମଧ୍ୟରେ ମିଶନ ଶକ୍ତିର ୨୧ଟି, ଓର୍‌ମାସ୍‌ର ୧୫ଟି, ଟିଡିସିସିର ଦୁଇଟି ଷ୍ଟଲରେ ଜନଜାତି ସାମଗ୍ରୀ ବିକ୍ରୟ ହେଉଛି ।

ଆଜି ଆଦିବାସୀ ମେଳାରେ ଓଡ଼ିଶା ଦକ୍ଷତା ବିକାଶ ପ୍ରାଧିକରଣର ଅଧ୍ୟକ୍ଷ ଶ୍ରୀ ସୁବ୍ରତ ବାଗ୍‌ଚୀ ଏବଂ 'ମୋ ସ୍କୁଲ ଅଭିଯାନ'ର ଅଧ୍ୟକ୍ଷା ଶ୍ରୀମତୀ ସୁସ୍ମିତା ବାଗ୍‌ଚୀ ମେଳା ବୁଲିବା ସହିତ ଜାତୀୟ ଜନଜାତି କଳାବସ୍ତୁ ପ୍ରଦର୍ଶନୀ ଓ ଆଦିବାସୀ ମେଳାକୁ ଭୂୟସୀ ପ୍ରଶଂସା କରିଥିଲେ ।

ଜନଜାତି କଳାସାମଗ୍ରୀ ପ୍ରଦର୍ଶନୀର ଏକ କୋଣରେ ୬ଟି ଷ୍ଟଲ ମାଧ୍ୟମରେ ଓଡ଼ିଶା ଖଣିଜ ପ୍ରଧାନ ଅଞ୍ଚଳ ବିକାଶ କର୍ପୋରେସନ୍ ଦ୍ୱାରା ସୁନ୍ଦରଗଡ଼, କେନ୍ଦୁଝର, ମୟୂରଭଞ୍ଜ ଓ ଯାଜପୁର ଅଞ୍ଚଳର ବିସ୍ଥାପିତ ଭୂମିହୀନ ଜନଜାତିଙ୍କ ପାରମ୍ପରିକ ଜ୍ଞାନକୌଶଳକୁ ପ୍ରଦର୍ଶିତ କରାଯାଇଛି । ସେମାନଙ୍କର ଜ୍ଞାନକୌଶଳକୁ ଆଧାର କରି କିପରି ଜୀବିକା ନିର୍ବାହ କରିପାରିବେ ସେଥିପାଇଁ ଏହି ପଦକ୍ଷେପ ନିଆଯାଇଛି । ଏହି ଉପକ୍ରମ ମାଧ୍ୟମରେ ସବାଇ ଘାସ, ଢୋକରା, ପଥର କାମ, ଟେରାକୋଟା, ଧାନ କାରୁକଳା, ଖଜୁରୀପତ୍ରର ଆସବାବପତ୍ର, ବାଉଁଶ କାରିଗରୀ, ଲାଖଶିଳ୍ପ ଚିତ୍ରକଳା, ଆଭୂଷଣ ଇତ୍ୟାଦି ୧୬ଟି ପ୍ରଭାଗରେ ତରୁଣ ଶିଳ୍ପୀମାନଙ୍କୁ ଦକ୍ଷତା ବିକାଶ ପାଇଁ ପଦକ୍ଷେପ ନିଆଯାଇଛି । ମେଳାରେ ପ୍ରଦର୍ଶିତ ୬ଟି ଷ୍ଟଲରେ ସେମାନଙ୍କର କଳାକୃତି ସ୍ଥାନିତ ହୋଇଛି । ତରୁଣ କାରିଗରମାନେ ଏହା ଦ୍ୱାରା ସ୍ୱାବଲମ୍ବୀ ହୋଇପାରିଛନ୍ତି ।

ଆଜି ସନ୍ଧ୍ୟାରେ ଆଦିବାସୀ ମେଳାର ମୁଖ୍ୟ ମଞ୍ଚରେ ସୁଦୂର ମାଲକାନଗିରିର କୋୟାମାନଙ୍କର 'ତେନ୍ଦୁଲୁପାଟା' ନୃତ୍ୟ, ଚୈତ୍ରମାସର 'ବିହନବୁଣା' ନୃତ୍ୟ ପରିବେଷିତ ହୋଇଥିଲା । ସେହିପରି କୋରାପୁଟର ଗଦବାମାନଙ୍କର ଢେମ୍‌ସା ନୃତ୍ୟ, ଲାଞ୍ଜିଆ ସଉରାମାନଙ୍କର 'ବେଣ୍ଟ ପରବ' ନୃତ୍ୟ ପରିବେଷିତ ହୋଇଥିଲା । ପ୍ରଥମ ଥର ପାଇଁ ମାଲକାନଗିରିରୁ ଆସିଥିବା ଭୂମିଆମାନଙ୍କର 'ଢେମ୍‌ସା' ନୃତ୍ୟ ଦର୍ଶକମାନଙ୍କୁ ମନ୍ତ୍ରମୁଗ୍ଧ କରିଥିଲା ।

ଡକ୍ଟର ଜ୍ୟୋତିର୍ମୟୀ ସାମନ୍ତରାୟ
ସୂଚନା ଅଧିକାରୀ